# ଓଡ଼ିଶା ସରକାର

## ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ, କଳାହାଣ୍ଡି

### ଘୋଷଣା

ଭୂ-ମାମଲା ନଂ. ୧୪/୨୦୧୭

ସଂଖ୍ୟା RDM-LAB-KLD- 09/2018 - ତା. ..............................

ସର୍ବସାଧାରଣଙ୍କ ଅବଗତି ନିମନ୍ତେ, ନ୍ୟାଯ୍ୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ ର ଧାରା ୧୯ ର ଅଧିନିୟମ ୧ ଅନୁଯାୟୀ ଏହି ଘୋଷଣାନାମା ଦିଆଯାଉଅଛି ଯେ ଉକ୍ତ ଆଇନର ଧାରା ୧୫ (୨) ଅନୁସାରେ ଜିଲ୍ଲାପାଳ, କଳାହାଣ୍ଡିଙ୍କ ପ୍ରଦତ୍ତ ରିପୋର୍ଟକୁ ବିବେଚନା କରି **ମୌଜା- ଉଛଳା** ଥାନା- **ଜୟପାଟଣା**, ନଂ.୮, ତହସିଲ-**ଜୟପାଟଣା**, ଜିଲ୍ଲା-**କଳାହାଣ୍ଡି**ରେ ନିମ୍ନ ସୂଚୀତ 'କ' ତଫସିଲ ଜମି ଏହି ଆଇନର ଧାରା ୨(୧) ପ୍ରକାରେ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଯଥା କଳାହାଣ୍ଡି ଜିଲ୍ଲାର ଉପର ଇନ୍ଦ୍ରାବତୀ ଉଠା ଜଳସେଚନ ପ୍ରକଳ୍ପର ମୁଖ୍ୟ କେନାଲ ଖନନ ନିମନ୍ତେ ନିର୍ବାହୀ ଯନ୍ତ୍ରୀ, ଉପର ଇନ୍ଦ୍ରାବତୀ ଉଠା ଜଳସେଚନ କେନାଲ ବିଭାଗ, କୁସୁମଖୁଣ୍ଟି, କଳାହାଣ୍ଡିଙ୍କ ଦ୍ୱାରା ଭୂମି ଅଧିଗ୍ରହଣ ଆବଶ୍ୟକ ହେଉଅଛି ।

ଏହି ଭୂମି ଅଧିଗ୍ରହଣ ସମ୍ବନ୍ଧୀୟ ପ୍ରାରମ୍ଭିକ ବିଜ୍ଞପ୍ତି ନ୍ୟାଯ୍ୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ ର ଧାରା ୧୧(୧) ଅନୁଯାୟୀ ବିଜ୍ଞପ୍ତି ସଂଖ୍ୟା- ୩୦୭୬୪, ତା.୧୪.୦୯.୨୦୧୭ ରିଖ ରେ ପ୍ରକାଶିତ ହୋଇଅଛି । ପୁନଶ୍ଚ ଏହି ବିଜ୍ଞପ୍ତି ଓଡିଶା ଗେଜେଟ ସଂଖ୍ୟା ୧୨୦୭, ତା.୧୯ ଜୁଲାଇ ୨୦୧୮ ରେ ପ୍ରକାଶିତ ହୋଇଅଛି ।

ପୁନଶ୍ଚ ଏହା ଘୋଷଣା କରାଯାଉଅଛି ଯେ ମୌଜା- **ଉଛଳା** ଥାନା-ଜୟପାଟଣା, ଜିଲ୍ଲା- କଳାହାଣ୍ଡିରେ କୌଣସି ବିସ୍ଥାପିତ ପରିବାର ନ ଥିବାରୁ ପୁନର୍ବାସ ଓ ଥଇଥାନ ନିମିତ କୌଣସି ଜମି ଚିହ୍ନଟ ଓ ପୁନର୍ବାସ ଓ ଥଇଥାନ ଯୋଜନା ରୂପରେଖର ସାରମର୍ମ ସଂଲଗ୍ନ କରାଯାଇନାହିଁ ।

ଅନୁମୋଦିତ ପୁନର୍ବାସ ଓ ଥଇଥାନ ଯୋଜନା ଜିଲ୍ଲାପାଳ ଏବଂ ପୁନର୍ବାସ ଓ ଥଇଥାନ ପ୍ରଶାସନ କାର୍ଯ୍ୟାଳୟରେ ଉପଲବ୍ଧ ଅଟେ । ଏହା ମଧ୍ୟ ଜିଲ୍ଲା ୱେବ୍‌ସାଇଟ୍ www.kalahandi.nic.in ରେ ଏବଂ ରାଜ୍ୟ ସରକାରଙ୍କ ୱେବ୍‌ସାଇଟ୍ www.odisha.gov.in/revenue ରେ ସର୍ବସାଧାରଣଙ୍କ ଅବଲୋକନ ପାଇଁ ଅପଲୋଡ୍ କରାଗଲା । ପୁନର୍ବାସ ଓ ଥଇଥାନ ଯୋଜନାର ଭୂମି ନକ୍ସା ଭୂ-ଅର୍ଜନ ଅଧିକାରୀଙ୍କ କାର୍ଯ୍ୟାଳୟରେ କାର୍ଯ୍ୟ ଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶକ୍ରମେ

18/12/2018

ଜିଲ୍ଲାପାଳ, କଳାହାଣ୍ଡି

Memo No. ୪୫୪ /REV-LAB- 09/2018: Date: ୧୫.୧୨.୨୦୧୮

Copy of the Declaration along with copy of land schedule and CD forwarded to the Director, Printing Stationery and Publication, Odisha, Cuttack for publication in the next issue of E.O.G. He is requested to supply 5 spare copies of them to R & D.M Department / Water Resources Department/Secretary to RDC (SD), Berhampur/ Collector, Kalahandi for necessary record.

18/12/2018

COLLECTOR,
KALAHANDI

(P.T.O.)

DIC, NIC, KLD